ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/HFW(OD)/52/17-01-2025**

## ଖୁବ୍‌ଶୀଘ୍ର ରାଜ୍ୟବାସୀ ପାଇବେ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନାର ସୁଫଳ

## ସ୍ୱାସ୍ଥ୍ୟ ଅଧିକାରୀଙ୍କ ଦକ୍ଷତା ବିକାଶ ପାଇଁ ପ୍ରଶିକ୍ଷଣ ଆରମ୍ଭ

ଭୁବନେଶ୍ୱର, ତା.୧୭/୦୧/୨୦୨୫

ଭାରତ ସରକାରଙ୍କ ଜାତୀୟ ସ୍ୱାସ୍ଥ କର୍ତ୍ତୃପକ୍ଷ ଏବଂ ଓଡ଼ିଶା ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ମଧ୍ୟରେ ଚୁକ୍ତିନାମା ସ୍ୱାକ୍ଷରିତ ହୋଇସାରିଛି । ଖୁବ୍‌ଶୀଘ୍ର ଓଡ଼ିଶାବାସୀ ବିଶେଷତଃ ଗ୍ରାମାଞ୍ଚଳରେ ଜନସାଧାରଣ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନାର ସୁଫଳ ପାଇବେ । ରାଜ୍ୟବାସୀ ଦେଶର ପ୍ରାୟ ୩୦ ହଜାର ଚିକିତ୍ସାଳୟରେ ଉନ୍ନତ ସ୍ୱାସ୍ଥ୍ୟସେବା ପାଇପାରିବେ । ଓଡ଼ିଶାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଆସିବ ଯୁଗାନ୍ତକାରୀ ପରିବର୍ତ୍ତନ ।

ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଏବଂ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନାକୁ ସମନ୍ୱିତ କରି ଜନସାଧାରଣଙ୍କୁ ଯଥାଶୀଘ୍ର ସ୍ୱାସ୍ଥ୍ୟସେବାର ସୁଫଳ ଦେବା ପାଇଁ ପ୍ରସ୍ତୁତି ଆରମ୍ଭ କରିଛନ୍ତି । ଆଜି ଶୁକ୍ରବାରଠାରୁ ଅଧୀକ୍ଷକ, ଚିକିତ୍ସକ ଏବଂ ପ୍ରଧାନମନ୍ତ୍ରୀ ଆରୋଗ୍ୟମିତ୍ରଙ୍କ ଦକ୍ଷତା ବିକାଶ ପାଇଁ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି ।

ପ୍ରଥମ ଦିନରେ ୬୦ଟି ଚିକିତ୍ସାଳୟର ୧୮୦ ଜଣଙ୍କୁ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ସମ୍ପର୍କିତ ଆବେଦନ ପ୍ରକ୍ରିୟା, ଆଇଟି ପ୍ଲାଟ୍‌ଫର୍ମର ବିବିଧ ବ୍ୟବହାର, ଟ୍ରାନ୍‌ଜାସନ୍ ମାନେଜ୍‌ମେଣ୍ଟ ସିଷ୍ଟମ୍, ଅଭିଯୋଗ ସମାଧାନ ପ୍ରକ୍ରିୟା ଓ ଅନ୍ୟାନ୍ୟ ସମ୍ବନ୍ଧରେ ମାଷ୍ଟର ଟ୍ରେନରମାନେ ପ୍ରଶିକ୍ଷିତ କରିଥିଲେ । ପର୍ଯ୍ୟାୟକ୍ରମେ ଓଡ଼ିଶାର ସମସ୍ତ ସରକାରୀ ଓ ବେସରକାରୀ ଚିକିତ୍ସାଳୟର ଅଧୀକ୍ଷକ, ଚିକିତ୍ସକ ଏବଂ ପ୍ରଧାନମନ୍ତ୍ରୀ ଆରୋଗ୍ୟ ମିତ୍ରମାନଙ୍କୁ ପ୍ରଶିକ୍ଷଣ ଦିଆଯିବ ।

ଜାତୀୟ ସ୍ୱାସ୍ଥ୍ୟ ମିଶନ (ଓଡ଼ିଶା)ର ମିଶନ ନିର୍ଦ୍ଦେଶିକା ଡା. ବୃନ୍ଦା ଡି., ଅତିରିକ୍ତ ଶାସନ ସଚିବ ତଥା ସାସ୍‌ର ଯୁଗ୍ମ ସିଇଓ ଶ୍ରୀ ଶୁଭାନନ୍ଦ ମହାପାତ୍ର, ଡା. ବିଷ୍ଣୁପ୍ରସାଦ ମହାପାତ୍ର, ଡା. ରଶ୍ମିରଞ୍ଜନ ମହାପାତ୍ର, ଡା. ଅରୁଣ ମହାପାତ୍ର, ଶ୍ରୀ ଶରତ ମିଶ୍ର ପ୍ରମୁଖ ପ୍ରଶିକ୍ଷଣ ଦେଇଥିଲେ ।

ସୌରଭ ପ୍ରଧାନ
ସୂଚନା ଅଧିକାରୀ